# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**15th August – 2025**

**News Editor : Tapan Kumar Moharana**

**************************************

## <u>ମୁଖ୍ୟ ସମ୍ବାଦ</u>

- ପ୍ରଧାନମନ୍ତ୍ରୀ ବିକଶିତ ଭାରତ ରୋଜଗାର ଯୋଜନାରେ ଉପକୃତ ହେବେ ୩ ଲକ୍ଷରୁ ଊର୍ଦ୍ଧ୍ୱ ଯୁବକ-ଯୁବତୀ

— ଦିଲ୍ଲୀର ଲାଲକିଲ୍ଲାରେ ୭୯ତମ ସ୍ୱାଧୀନତା ଦିବସ ଅବସରରେ ସମ୍ବୋଧିତ କରି କହିଲେ ପ୍ରଧାନମନ୍ତ୍ରୀ

— ସମୁଦ୍ର ସମ୍ପଦର ବ୍ୟବହାର ପାଇଁ ଆରମ୍ଭ କରାଯିବ ଜାତୀୟ ଗଭୀର ଜଳ ଅନୁସନ୍ଧାନ ମିଶନ

- ଜନସାଧାରଣଙ୍କର ଆବଶ୍ୟକତାକୁ ଦୃଷ୍ଟିରେ ରଖି ରାଜ୍ୟରେ ଆଉ ୨୧ଟି ନୂତନ ଏନ୍‌ଏସ୍‌ସି ସ୍ଥାପନ କରାଯିବ; ରାଜ୍ୟସ୍ତରୀୟ ସ୍ୱାଧୀନତା ଦିବସ ସମାରୋହରେ କହିଲେ ମୁଖ୍ୟମନ୍ତ୍ରୀ

ଏବଂ

- ଶ୍ରଦ୍ଧା ଓ ଭକ୍ତିଭାବ ସହ ଆଜି ପାଳନ କରାଯାଉଛି ଜନ୍ମାଷ୍ଟମୀ ପର୍ବ

— ଶ୍ରୀମନ୍ଦିରରେ ଶ୍ରୀକୃଷ୍ଣଙ୍କ ଜନ୍ମ ନୀତି ପାଇଁ ୭ ଟାରୁ ୫ ଘଣ୍ଟା ପାଇଁ ବନ୍ଦ ରହିବ ସର୍ବସାଧାରଣ ଦର୍ଶନ

## ପ୍ରଧାନମନ୍ତ୍ରୀ

୭୯ତମ ସ୍ୱାଧୀନତା ଦିବସ ଅବସରରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦିଲ୍ଲୀର ଐତିହାସିକ ଲାଲକିଲ୍ଲାରେ ଜାତୀୟ ପତାକା ଉତ୍ତୋଳନ କରି ଦେଶବାସୀଙ୍କୁ ସମ୍ବୋଧିତ କରିଛନ୍ତି।  ବିକଶିତ ଭାରତ ରୋଜଗାର ଯୋଜନାରେ ୩ ଲକ୍ଷରୁ ଅଧିକ ଯୁବକ-ଯୁବତୀ ଉପକୃତ ହେବା ସହ ଏଥିପାଇଁ ୧ ଲକ୍ଷ କୋଟି ଟଙ୍କା ଖର୍ଚ୍ଚ ହେବ ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି। ଆସନ୍ତା ଦୀପାବଳି ସୁଦ୍ଧା ଦେଶରେ ପରବର୍ତ୍ତୀ ପିଢ଼ିର ଜିଏସଟି ସଂସ୍କାର ପ୍ରଚଳନ ହେବ ବୋଲି ଶ୍ରୀ ମୋଦୀ ଘୋଷଣା କରିଛନ୍ତି। ପ୍ରଧାନମନ୍ତ୍ରୀ କହିଛନ୍ତି, ସମୁଦ୍ର ସମ୍ପଦର ବ୍ୟବହାର ପାଇଁ ଜାତୀୟ ଗଭୀର ଜଳ ଅନୁସନ୍ଧାନ ମିଶନ ଆରମ୍ଭ କରାଯିବ।

## - V/O - (PM)

ପ୍ରଧାନମନ୍ତ୍ରୀ ଶ୍ରୀ ମୋଦୀ କହିଛନ୍ତି, ଶତ୍ରୁପକ୍ଷ ଦ୍ୱାରା ଯେକୌଣସି ପ୍ରୟାସକୁ ପ୍ରତିହତ କରିବା ପାଇଁ ତଥା ଏକ ଶକ୍ତିଶାଳୀ ଅସ୍ତ୍ରଶସ୍ତ୍ର ପ୍ରଣାଳୀ ସୃଷ୍ଟି କରିବା ଲକ୍ଷ୍ୟ ନେଇ ମିଶନ ସୁଦର୍ଶନ ଚକ୍ର ଆରମ୍ଭ କରାଯିବ।

ଷ୍ଟାର୍ଟଅପ୍‌ରୁ ମହାକାଶ, କ୍ରୀଡାରୁ ପ୍ରତିରକ୍ଷା ସମସ୍ତ କ୍ଷେତ୍ରରେ ନାରୀ ଶକ୍ତି ଅଗ୍ରଗତି କରୁଛନ୍ତି। ଦେଶର ଅଭିବୃଦ୍ଧିରେ ସେମାନେ କେବଳ ହିତାଧିକାରୀ ନୁହେଁ; ବରଂ ନାରୀଶକ୍ତି ଦେଶକୁ ଆଗକୁ ବଢ଼ାଉଛନ୍ତି ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି।

# - V/O -

ଏହି ସବୁ କ୍ଷେତ୍ର ଆତ୍ମନିର୍ଭର ଭାରତକୁ ନୂତନ ଦିଗ ପ୍ରଦାନ କରୁଛନ୍ତି। ଆତ୍ମନିର୍ଭର ଭାରତ ଯୋଗୁଁ ଦେଶ ସନ୍ତ୍ରାସବାଦ ବିରୋଧରେ ସଂଗ୍ରାମ କରି ଅପରେସନ୍ ସିନ୍ଦୂର ଅଭିଯାନରେ ସଫଳତା ହାସଲ କରିଛି। ଏହି ଅବସରରେ ପ୍ରଧାନମନ୍ତ୍ରୀ ଆତ୍ମନିର୍ଭର ଭାରତ ଗଠନ ପାଇଁ ସ୍ୱଦେଶୀ ସାମଗ୍ରୀ ବ୍ୟବହାର ଲାଗି ଦେଶବାସୀଙ୍କୁ ଆହ୍ୱାନ ଦେଇଛନ୍ତି।

ଦେଶରେ ପରମାଣୁ ଶକ୍ତିର ବିସ୍ତାର ଉପରେ ମଧ ପ୍ରଧାନମନ୍ତ୍ରୀ ଆଲୋକପାତ କରିଛନ୍ତି। ଶ୍ରୀ ମୋଦୀ କହିଛନ୍ତି, ଦେଶ ଚଳିତବର୍ଷ ଶେଷ ସୁଦ୍ଧା ମେଡ୍ ଇନ୍ ଇଣ୍ଡିଆ ସେମିକଣ୍ଡକ୍ଟର ଚିପ୍‌ସର ଶୁଭାରମ୍ଭ କରିବ। ଏହା ପ୍ରଯୁକ୍ତିବିଦ୍ୟା କ୍ଷେତ୍ରରେ ଦେଶର ବର୍ଦ୍ଧିତ ଶକ୍ତିକୁ ପ୍ରତିଫଳିତ କରିବ। ଲାଲକିଲ୍ଲାରେ ପହଞ୍ଚିବା ପୂର୍ବରୁ ପ୍ରଧାନମନ୍ତ୍ରୀ ରାଜଘାଟଠାରେ ଜାତୀର ପିତା ମହାତ୍ମା ଗାନ୍ଧୀଙ୍କୁ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ।

## ରାଜ୍ୟସ୍ତରୀୟ ସମାରୋହ–ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱରଠାରେ ଆୟୋଜିତ ରାଜ୍ୟସ୍ତରୀୟ ସମାରୋହରେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଜାତୀୟ ପତାକା ଉତ୍ତୋଳନ କରିଛନ୍ତି । ଏହି ଉପଲକ୍ଷେ ଆୟୋଜିତ ରାଜ୍ୟସ୍ତରୀୟ ପରେଡ୍‌ରେ ସେ ଅଭିବାଦନ ଗ୍ରହଣ କରିବା ସହିତ ରାଜ୍ୟବାସୀଙ୍କୁ ଉଦ୍‌ବୋଧନ ଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି, ରାଜ୍ୟର ଦ୍ରୁତ ବିକାଶ ଓ ଅଭିବୃଦ୍ଧି ସହିତ ଜନସାଧାରଣଙ୍କର ଆବଶ୍ୟକତାକୁ ଦୃଷ୍ଟିରେ ରଖି ସରକାର ଆଉ ୨୧ଟି ନୂତନ ବିଜ୍ଞପିତ ଅଞ୍ଚଳ ପରିଷଦ ସ୍ଥାପନ କରିବା ପାଇଁ ନିଷ୍ପତ୍ତି ନେଇଛନ୍ତି।

**- V/O -**

କୃଷି ଉଦ୍ୟୋଗ ପ୍ରତିଷ୍ଠା ପାଇଁ ମୁଖ୍ୟମନ୍ତ୍ରୀ କୃଷି ଉଦ୍ୟୋଗ ଯୋଜନାରେ ୧ କୋଟି ପର୍ଯ୍ୟନ୍ତ ସହାୟତା ଯୋଗାଇ ଦିଆଯାଉଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। କୃଷି ସହିତ ମତ୍ସ୍ୟ, ପ୍ରାଣୀପାଳନ ଓ ଗୋପାଳନ କ୍ଷେତ୍ରରେ ସରକାରଙ୍କ ଦ୍ୱାରା ପ୍ରଣୀତ ବିଭିନ୍ନ ଯୋଜନାର ଲାଭ ଉଠାଇ ଆତ୍ମନିର୍ଭରଶୀଳ ହେବା ପାଇଁ ଚାଷୀ ଭାଇ-ଭଉଣୀମାନଙ୍କୁ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଆହ୍ୱାନ ଦେଇଛନ୍ତି। ଉତ୍କର୍ଷ ଓଡ଼ିଶା-ମେକ୍ ଇନ୍ ଓଡ଼ିଶା କନ୍‌କ୍ଲେଭ୍ ୨୦୨୫ କାର୍ଯ୍ୟକ୍ରମ ପୁଞ୍ଜି ବିନିଯୋଗ କ୍ଷେତ୍ରରେ ନୂଆ ଇତିହାସ ସୃଷ୍ଟି କରିଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ୧୩ ଲକ୍ଷ ନିଯୁକ୍ତି ସୁଯୋଗ ସହିତ ୧୭ ଲକ୍ଷ କୋଟି ଟଙ୍କାର ପୁଞ୍ଜି ପ୍ରସ୍ତାବ ହସ୍ତଗତ ହୋଇଥିବା ନେଇ ମୁଖ୍ୟମନ୍ତ୍ରୀ କହିଛନ୍ତି।

ଗତ ୬-୭ ମାସ ମଧ୍ୟରେ ରାଜ୍ୟରେ ୬୦ରୁ ଅଧିକ ଶିଳ୍ପ ସ୍ଥାପନ କରାଯାଇ ୧ ଲକ୍ଷ ୮୦ ହଜାର କୋଟିରୁ ଊର୍ଦ୍ଧ୍ୱ ପୁଞ୍ଜି ବିନିଯୋଗ ହୋଇପାରିଛି, ଯାହା ଫଳରେ ୧ ଲକ୍ଷରୁ ଊର୍ଦ୍ଧ୍ୱ ନିଯୁକ୍ତି ସୃଷ୍ଟି ହେବା ସୁନିଶ୍ଚିତ ହୋଇପାରିଛି। ନିକଟରେ ଆୟୋଜିତ ଓଡ଼ିଶା ଟେକ୍ସଟାଇଲ କନ୍‌କ୍ଲେଭ୍‌ରେ ୭ ହଜାର ୮୦୦ କୋଟି ଟଙ୍କା ପୁଞ୍ଜି ପ୍ରସ୍ତାବ ସହ ୫୩ ହଜାରରୁ ଅଧିକ ନିଯୁକ୍ତି ସୁଯୋଗ ସୃଷ୍ଟି ହୋଇଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ଏଥିସହ ଆମ ରାଜ୍ୟର ହସ୍ତତନ୍ତରୁ ନିର୍ମିତ ପୋଷାକ ଓ ଦେଶବିଦେଶର ଆକର୍ଷଣୀୟ ବ୍ରାଣ୍ଡ ଭାବେ ବିକଶିତ କରିବା ପାଇଁ ସରକାରଙ୍କ ପକ୍ଷରୁ ଉଦ୍ୟମ ଆରମ୍ଭ ହୋଇଛି। ଏହି ଅବସରରେ ସେ ରାଜ୍ୟବାସୀଙ୍କୁ ଅତି କମ୍‌ରେ ଗୋଟିଏ ଦିନ ହସ୍ତତନ୍ତ ପୋଷାକ ପିନ୍ଧିବାକୁ ମୁଖ୍ୟମନ୍ତ୍ରୀ ଅନୁରୋଧ କରିଛନ୍ତି।

ଶ୍ରୀ ମାଝୀ କହିଛନ୍ତି, ରାଜ୍ୟରେ ୨୮ ହଜାର ୩୯୨ଟି ପଦବୀ ପୂରଣ ହୋଇଛି। ଏହାସହ ଆଉ ୩୪ ହଜାର ୫୦୦ଟି ପଦବୀ ପୂରଣ ପାଇଁ ବିଭିନ୍ନ

ଆୟୋଗ ପକ୍ଷରୁ ନିଯୁକ୍ତି ପ୍ରକ୍ରିୟା ଜାରି ରହିଛି। ଆଗାମୀ ଦିନରେ ଓଡ଼ିଶାକୁ ଫାର୍ମା ହବ୍‌ରେ ପରିଣତ କରିବା ପାଇଁ ପଦକ୍ଷେପ ନିଆଯାଉଛି। ଏହି କ୍ଷେତ୍ରରେ ୨ ଲକ୍ଷ ୫୦ ହଜାରରୁ ଅଧିକ ନିଯୁକ୍ତି ସୁଯୋଗ ସୃଷ୍ଟି ହୋଇପାରିବ। ରାଜ୍ୟ ସରକାର ମହିଳା ସୁରକ୍ଷାକୁ ପ୍ରାଥମିକତା ଦେଉଛନ୍ତି।

ଏଥିପାଇଁ ଶୂନ୍ୟ ସହନଶୀଳତା ନୀତି ଅବଲମ୍ବନ କରିବା ସହ ମହିଳା ଅପରାଧ ବିରୋଧରେ କଡା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ପୁଲିସ୍ ବିଭାଗକୁ ସମ୍ପୂର୍ଣ୍ଣ କ୍ଷମତା ଦିଆଯାଇଛି।

ମୁଖ୍ୟମନ୍ତ୍ରୀ ଏହି ଅବସରରେ ପ୍ରଧାନମନ୍ତ୍ରୀ ଗରିବ କଲ୍ୟାଣ ଯୋଜନାରେ ୧୧ଟି ଜିଲ୍ଲାର ୨୭ ଲକ୍ଷରୁ ଊର୍ଦ୍ଧ୍ୱ ହିତାଧିକାରୀମାନଙ୍କୁ ଆସନ୍ତା ୩ ମାସ ପାଇଁ ଅତିରିକ୍ତ ୫ କିଲୋଗ୍ରାମ ଚାଉଳ ଯୋଗାଇ ଦେବା ପାଇଁ ନିଷ୍ପତ୍ତି ନିଆଯାଇଥିବା ଘୋଷଣା କରିଛନ୍ତି।

## - V/O -

ମୁଖ୍ୟମନ୍ତ୍ରୀ କହିଛନ୍ତି, ଆଗାମୀ ୫ ବର୍ଷ ମଧ୍ୟରେ ରାଜ୍ୟରେ ଆହୁରି ୭୫ ହଜାର କିଲୋମିଟର ଉଚ୍ଚମାନର ସଡକ ନିର୍ମାଣ ହେବ। ଆଗାମୀ ୧୦ ବର୍ଷ ଓଡ଼ିଶାର ଦଶକ ହେବାକୁ ଯାଉଛି। ୨୦୩୬ ମସିହା ସୁଦ୍ଧା ରାଜ୍ୟର ଅର୍ଥନୀତିକୁ ୫୦ ହଜାର କୋଟି ଡଲାରରେ ପହଞ୍ଚାଇବାର ଲକ୍ଷ୍ୟ ରଖାଯାଇଥିବା ମୁଖ୍ୟମନ୍ତ୍ରୀ କହିଛନ୍ତି।

**ଜନ୍ମାଷ୍ଟମୀ**

ଶ୍ରଦ୍ଧା ଓ ଭକ୍ତିର ସହ ଆଜି ପ୍ରଭୁ ଶ୍ରୀକୃଷ୍ଣଙ୍କ ଜନ୍ମୋତ୍ସବ ଜନ୍ମାଷ୍ଟମୀ ପର୍ବ ପାଳନ କରାଯାଉଛି । ଭାଦ୍ରବ ମାସ କୃଷ୍ଣପକ୍ଷ ଅଷ୍ଟମୀ ତିଥିରେ ଭଗବାନ ଶ୍ରୀକୃଷ୍ଣ ଜନ୍ମ ନେଇଥିଲେ। ଏଥିପାଇଁ ମନ୍ଦିରଗୁଡିକରେ ସ୍ୱତନ୍ତ୍ର ପୂଜାର୍ଚ୍ଚନା କରାଯାଉଛି ।

ପୁରୀ ଶ୍ରୀମନ୍ଦିରରେ ଆଜି ପ୍ରଭୁ ଶ୍ରୀକୃଷ୍ଣଙ୍କ ଜନ୍ମ ଉତ୍ସବ ପାଳନ କରାଯାଉଛି । ଶ୍ରୀମନ୍ଦିରରେ ସନ୍ଧ୍ୟା ଧୂପ ଶେଷ ହେବା ପରେ ଜନ୍ମନୀତି ବିଧି ଅନୁଷ୍ଠିତ ହେବ । ପରମ୍ପରା ଅନୁସାରେ ଶ୍ରୀମନ୍ଦିରରେ ଠାକୁରଙ୍କୁ ଛଅ ମୂର୍ତ୍ତି ଅଳଙ୍କାର ଲାଗି କରାଯିବ। ଶ୍ରୀମନ୍ଦିରରେ ଜନ୍ମନୀତି ପାଳିତ ହେବା ସହିତ ନବମୀ ଦିନ ନନ୍ଦୋତ୍ସବ ଏବଂ ଦଶମୀଠାରୁ ବିଭିନ୍ନ କୃଷ୍ଣ ଲୀଳାତ୍ମକ ବେଶ ହୋଇଥାଏ । ସନ୍ଧ୍ୟା ୭ଟାରୁ ରାତି ୧୨ଟା ପର୍ଯ୍ୟନ୍ତ ଜନ୍ମନୀତି କାର୍ଯ୍ୟ ନିମନ୍ତେ ଆଜି ସର୍ବସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି ।

**ନୟାଗଡ଼** ଜିଲ୍ଲାର କଣ୍ଟିଲୋ ସ୍ଥିତ ଶ୍ରୀନୀଳମାଧବପୀଠ ଏବଂ ରାଧାମୋହନଜୀଉ ମଠରେ ଆଜି ଜନ୍ମାଷ୍ଟମୀ ଉତ୍ସବ ପାରମ୍ପରିକ ରୀତିରେ ପାଳିତ ହୋଇଯାଇଛି। ଶ୍ରୀଜୀଉଙ୍କ ସକାଳ ଧୂପଠାରୁ ସନ୍ଧ୍ୟାଧୂପ ପର୍ଯ୍ୟନ୍ତ ସମସ୍ତ କାର୍ଯ୍ୟକ୍ରମ ନୀତି ଅନୁଯାୟୀ ସମ୍ପନ୍ନ ହୋଇଥିଲା।

**ଭଦ୍ରକ** ସହରରେ ଥିବା ଶ୍ରୀଶ୍ରୀ ବାଲଗୋପାଳ ମନ୍ଦିର ସମେତ ଜିଲ୍ଲାର ବିଭିନ୍ନ ମନ୍ଦିରରେ ମହାସମାରୋହରେ ଜନ୍ମାଷ୍ଟମୀ ଉତ୍ସବ ପାଳିତ ହୋଇଛି।

ଭଗବାନ ଶ୍ରୀକୃଷ୍ଣଙ୍କ ଜନ୍ମୋତ୍ସବ ଅବସରରେ ଆଜି **ସୁବର୍ଣ୍ଣପୁର** ଜିଲ୍ଲାରେ ଭକ୍ତି ଓ ଆଧ୍ୟାତ୍ମିକ ପରିବେଶରେ ଜନ୍ମାଷ୍ଟମୀ ପର୍ବ ପାଳିତ ହୋଇଛି।

## ଡିଡି ନ୍ୟୁଜ-ସମ୍ବଲପୁରୀ ଭାଷା

ଭୁବନେଶ୍ୱର ଦୂରଦର୍ଶନ କେନ୍ଦ୍ରର ଆଞ୍ଚଳିକ ସମ୍ବାଦ ବିଭାଗ ପକ୍ଷରୁ ଆଜିଠାରୁ ସମ୍ବଲପୁରୀ ଭାଷାରେ ଆଞ୍ଚଳିକ ସମ୍ବାଦର ପ୍ରସାରଣ ଆରମ୍ଭ ହୋଇଛି । ଆଜି ପୂର୍ବାହ୍ନ ୧୧ଟାରେ ଡିଡି ଓଡିଆରେ ଏହି ସମ୍ବାଦ ପ୍ରସାରଣ ହୋଇଥିଲା। ପ୍ରତି ରବିବାର ସକାଳ ୧୦ଟା ୧୫ ମିନିଟ୍ ସମୟରେ ସମ୍ବଲପୁରୀ ଭାଷାରେ ଆଂଚଳିକ ସମ୍ବାଦ ପ୍ରସାରଣ କରାଯିବ।

## ରତ୍ନଭଣ୍ଡାର ଗଣତି-ମଣତି

ଶ୍ରୀମନ୍ଦିର ପରିଚାଳନା କମିଟି ଆସନ୍ତା ୧ ସପ୍ତାହ ମଧ୍ୟରେ ଗଠନ ହେବ ବୋଲି ଆଇନ୍ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି। କମିଟି ଗଠନ ହେବା ପରେ ରତ୍ନଭଣ୍ଡାରର ସମସ୍ତ ରତ୍ନ ଅଳଙ୍କାରର ଗଣତି-ମଣତି କରାଯିବ। ରିଜର୍ଭ ବ୍ୟାଙ୍କର ୨ ଜଣ ବରିଷ୍ଠ ଅଧିକାରୀଙ୍କ ଉପସ୍ଥିତିରେ ଏହି କାର୍ଯ୍ୟ ସମ୍ପନ୍ନ ହେବ। ସେହିପରି ଆଗାମୀ ରଥଯାତ୍ରା ପାଇଁ ଖୁବ୍ ଶୀଘ୍ର ଗୁରୁତ୍ୱପୂର୍ଣ୍ଣ ବୈଠକ ଅନୁଷ୍ଠିତ ହେବ ବୋଲି ଆଇନ୍‌ମନ୍ତ୍ରୀ ସୂଚନା ଦେଇଛନ୍ତି।

## ବୁଝାମଣାପତ୍ର

**କଳାହାଣ୍ଡି** ଜିଲ୍ଲା ଭବାନୀପାଟଣାସ୍ଥିତ ସର୍କିଟ ହାଉସ୍‌ଠାରେ ବିଦ୍ୟାଳୟ ଓ ଗଣଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡଙ୍କ ଉପସ୍ଥିତିରେ ଭାରତୀୟ ପ୍ରଶାସନିକ ସେବା ପରୀକ୍ଷା ପାଇଁ ଛାତ୍ରଛାତ୍ରୀମାନଙ୍କୁ ନିଶୁଳ୍କ ପ୍ରଶିକ୍ଷଣ ପ୍ରଦାନ ନେଇ ଜିଲ୍ଲା ପ୍ରଶାସନ ଓ ଦିଲ୍ଲୀର ଏକ ସଂସ୍ଥା ସହ ବୁଝାମଣାପତ୍ର ସ୍ୱାକ୍ଷରିତ

ହୋଇଛି । ଜିଲ୍ଲାପାଳ ସଚିନ୍ ପାଓ୍ୱାର ପ୍ରକାଶଙ୍କ ପ୍ରୟାସକ୍ରମେ ଜିଲ୍ଲାରେ ମିଶନ ଆକାଂକ୍ଷା ନାମରେ ଏହାକୁ ଆରମ୍ଭ କରାଯାଇଛି ।

## ପାଣିପାଗ

ଦକ୍ଷିଣ ଓଡ଼ିଶା-ଉତ୍ତର ଆନ୍ଧ୍ର ଉପକୂଳ ସଂଲଗ୍ନ ବଙ୍ଗୋପସାଗର ଅଞ୍ଚଳରେ ସୃଷ୍ଟ ଲଘୁଚାପର ପ୍ରଭାବରେ ରାଜ୍ୟର ଅଧିକାଂଶ ସ୍ଥାନରେ ସାମାନ୍ୟରୁ ମଧ୍ୟମ ଧରଣର ବର୍ଷା ହୋଇଯାଇଛି । ଗତ ୨୪ ଘଣ୍ଟା ମଧ୍ୟରେ କଳାହାଣ୍ଡିର ରାମପୁରଠାରେ ସର୍ବାଧିକ ୧୩ ସେଣ୍ଟିମିଟର ବର୍ଷା ରେକର୍ଡ ହୋଇଛି । ଆଗାମୀ ୨୪ ଘଣ୍ଟା ମଧ୍ୟରେ ବିଜୁଳି ଘଡଘଡ଼ି ସହ ବର୍ଷା ହେବା ନେଇ ରାଜ୍ୟର ପ୍ରାୟ ସମସ୍ତ ଜିଲ୍ଲାକୁ ଆଂଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି ।

********************************